ପ୍ରେସ୍ ନୋଟ୍

# ଅକ୍ଟୋବର ମାସ ପାଇଁ ଜିଲ୍ଲାପାଳଙ୍କ ମିଳିତ ଜନଶୁଣାଣି କାର୍ଯ୍ୟକ୍ରମ ।

ଅନୁଗୋଳ ତା. ୨୯.୦୯ : ଅନୁଗୋଳ ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁଙ୍କର ଅକ୍ଟୋବର ମାସ ପାଇଁ ମିଳିତ ଜନ ଶୁଣାଣି କାର୍ଯ୍ୟକ୍ରମ ସ୍ଥିର ହୋଇଛି । ଏଥିରେ ଜିଲ୍ଲାପାଳ ଓ ଅନୁଗୋଳ ଆରକ୍ଷୀ ଅଧିକ୍ଷକ ଶ୍ରୀ ସୁଧାଂଶୁ ଶେଖର ମିଶ୍ରଙ୍କ ସମେତ ବିଭିନ୍ନ ବିଭାଗର ଅଧିକାରୀମାନେ ଯୋଗ ଦେବେ । ନିର୍ଦ୍ଧାରିତ କାର୍ଯ୍ୟସୂଚୀ ଅନୁଯାୟୀ ଅକ୍ଟୋବର ମାସ ୩ ତାରିଖ (ମଙ୍ଗଳବାର) ପୂର୍ବାହ୍ନ ୧୦ଘଟିକା ସମୟରେ ମିଳିତ ଜନଶୁଣାଣି କାର୍ଯ୍ୟକ୍ରମ ଜିଲ୍ଲା କାର୍ଯ୍ୟାଳୟଠାରେ ଅନୁଷ୍ଠିତ ହେବାକୁ ଥିବାବେଳେ ୯ ତାରିଖ (ସୋମବାର) ପୂର୍ବାହ୍ନ ୧୦ଘଟିକା ସମୟରେ ପାଲଲହଡା ବ୍ଲକ କାର୍ଯ୍ୟାଳୟ, ୧୬ ତାରିଖ (ସୋମବାର) ପୂର୍ବାହ୍ନ ୧୦ଘଟିକା ସମୟରେ ଜିଲ୍ଲା କାର୍ଯ୍ୟାଳୟ ଓ ୩୦ତାରିଖ (ସୋମବାର) ପୂର୍ବାହ୍ନ ୧୦ଘଟିକା ସମୟରେ ବଣ୍ଡରପାଳ ବ୍ଲକ କାର୍ଯ୍ୟାଳୟ ଠାରେ ଅନୁଷ୍ଠିତ ହେବ । ଏହି ସମସ୍ତ କାର୍ଯ୍ୟକ୍ରମରେ ସମ୍ପୃକ୍ତ ଅଞ୍ଚଳର ଜନସାଧାରଣ ଯୋଗ ଦେଇ ନିଜ ନିଜର ଆପତ୍ତି ଅଭିଯୋଗ ଉପସ୍ଥାପନ କରିବାକୁ ଜିଲ୍ଲା ପ୍ରଶାସନ ତରଫରୁ ଜଣାଇ ଦିଆଯାଉଛି ।

କୌଣସି ଅଞ୍ଚଳବାସୀଙ୍କର ଯଦି କିଛି ସମସ୍ୟା ବା ଅଭିଯୋଗ ଥାଏ ତେବେ ସେ ପ୍ରଥମେ ସମ୍ପୃକ୍ତ ସ୍ଥାନୀୟ ଅଧିକାରୀଙ୍କ ନିକଟରେ ସମାଧାନ ପାଇଁ ଆବେଦନ କରିବାକୁ ଜଣାଇ ଦିଆଯାଉଛି । କୌଣସି ବ୍ୟକ୍ତି ପ୍ରଥମ କରି ସିଧାସଳଖ ଭାବେ ମିଳିତ ଜନଶୁଣାଣି ଶିବିରକୁ ଆସି ଆପତ୍ତି ଅଭିଯୋଗ ନ କରିବାକୁ ମଧ୍ୟ ଜଣାଇଦିଆଯାଉଛି ।

## ବିଶ୍ୱ ହୃଦ୍ ଦିବସ ପାଳିତ

ଆଜି ପୂର୍ବାହ୍ନରେ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ପରିସରରେ ବିଶ୍ୱ ହୃଦ୍ ଦିବସ ପାଳିତ ହୋଇଯାଇଛି । ଅତିରିକ୍ତ ଜିଲ୍ଲା ଜନସ୍ୱାସ୍ଥ୍ୟ ଅଧିକାରୀ ଡା. ପୂର୍ଣ୍ଣିମା ଉଦ୍‌ଗାତା ଅଧ୍ୟକ୍ଷତା କରି କହିଥିଲେ ଯେ ଉଚ୍ଚ ରକ୍ତଚାପ, ଡାଇବେଟିସ, ଧୂମପାନ, ମଦ୍ୟପାନ, ମାତ୍ରାଧିକ କଲେଷ୍ଟୋରୋଲ ଓ ଅନିୟମିତ ଜୀବନଶୈଳୀ ହୃଦ୍ ଜନିତ ରୋଗର ମୂଳ କାରଣ । ଏହି କାର୍ଯ୍ୟକ୍ରମରେ ଡା. ବିନୋଦ ସାହୁ ଯୋଗ ଦେଇ ହୃତପିଣ୍ଡକୁ ସୁସ୍ଥ ରଖିବା ପାଇଁ ନିୟମିତ ରକ୍ତଚାପ ଓ ମଧୁମେହ ପରୀକ୍ଷା ,ଧୂମପାନ ଓ ମଦ୍ୟପାନରୁ ନିବୃତ ରହିବା,ନିୟମିତ ଯୋଗ ବ୍ୟାୟାମ ଓ ଶାରୀରିକ ପରିଶ୍ରମ କରିବା ଉପରେ ସେ ଗୁରୁତ୍ୱ ଦେଇଥିଲେ । ଉକ୍ତ କାର୍ଯ୍ୟକ୍ରମରେ ବିଭାଗୀୟ ଅଧିକାରୀ ,ପାରା ମେଡିକାଲ ଷ୍ଟାଫ୍,ନର୍ସିଂ ଛାତ୍ରୀଯୋଗ ଦେଇଥିଲେ । ଅତିରିକ୍ତ ଜନସ୍ୱାସ୍ଥ୍ୟ ସଂଚାର ଅଧିକାରୀ ଭରତ କୁମାର ସାହୁ ଏହି କାର୍ଯ୍ୟକ୍ରମକୁ ସଂଯୋଜନା କରିଥିଲେ ।

OPPO Reno7 5G
DIPRO ANGL | 2023.09.29 16:44


ବିଶ୍ୱ ହୃଦ୍‌ଦିବସ
୨୯ ସେପ୍ଟେମ୍ବର ୨୦୨୩
ଜିଲ୍ଲା ସ୍ୱାସ୍ଥ୍ୟ ସମିତି ଅନୁଗୋଳ
Stop Journey
OPPO F11 Pro · ©I & PR, ANGUL,ODISHA
2023/09/29 10:47 Northern Division, Odisha


Stop Journey
OPPO F11 Pro · ©I & PR, ANGUL,ODISHA
2023/09/29 10:47 Northern Division, Odisha